# ଆଜି ଅନୁଗୋଳ ଜିଲ୍ଲାରୁ ୫୪ ଜଣ କରୋନା ପଜିଟିଭ ଚିହ୍ନଟ -

## ପଜିଟିଭ ସଂଖ୍ୟା ୧୦୮୪୮ ରେ ପହଞ୍ଚିଲା - ସୁସ୍ଥ ହେଲେ ୭୦ ଜଣ ।

ଆଜି ଅନୁଗୋଳ ଜିଲ୍ଲାରୁ ୫୪ ଜଣ ନୂଆ କରୋନା ପଜିଟିଭ ଚିହ୍ନଟ ହୋଇଛନ୍ତି । ସେହିପରି ଅନ୍ୟ ଜିଲ୍ଲାରୁ ଅନୁଗୋଳରେ ସ୍ୱାବ ନମୁନା ଦେଇଥିବା ବ୍ୟକ୍ତିମାନଂକ ମଧ୍ୟରୁ ୩ ଜଣ ଆକ୍ରାନ୍ତ ଚିହ୍ନଟ ହୋଇ ସମୁଦାୟ ଆକ୍ରାନ୍ତଂକ ସଂଖ୍ୟା ୧୯୧ ରେ ପହଂଚିଛି । ଅନୁଗୋଳ ଜିଲ୍ଲା ମଧ୍ୟରୁ ଚିହ୍ନଟ ହୋଇଥିବା ଆକ୍ରାନ୍ତମାନଂକ ମଧ୍ୟରେ କଣିହାଁ ବ୍ଲକ୍ ଅଂଚଳରୁ ୧୨ଜଣ (୯ ଜଣ ପୁରୁଷ ଓ ୩ ଜଣ ମହିଳା), ଛେଣ୍ଡିପଦା ବ୍ଲକ୍ ଅଂଚଳରୁ ୧୧ଜଣ ( ୮ଜଣ ପୁରୁଷ ଓ ୩ଜଣ ମହିଳା), ଅନୁଗୋଳ ପୌରାଞ୍ଚଳରୁ ୧୦ଜଣ ( ୬ଜଣ ପୁରୁଷ ଓ ୪ଜଣ ମହିଳା), ବଅଁରପାଳ ବ୍ଲକ୍ ଅଂଚଳରୁ ୯ଜଣ ( ୮ଜଣ ପୁରୁଷ ଓ ୧ଜଣ ମହିଳା), ଅନୁଗୋଳ ବ୍ଲକ୍ ଅଂଚଳରୁ ୫ଜଣ (୪ ଜଣ ପୁରୁଷ ଓ ୧ଜଣ ମହିଳା), ପାଲଲହଡା ବ୍ଲକ୍ ଅଂଚଳରୁ ୪ଜଣ ( ୪ଜଣ ପୁରୁଷ ), ତାଳଚେର ବ୍ଲକ୍ ଅଂଚଳରୁ ୨ଜଣ ( ୧ଜଣ ପୁରୁଷ ଓ ୧ଜଣ ମହିଳା) ଓ ଆଠମଲ୍ଲିକ ବ୍ଲକ୍ ଅଂଚଳରୁ ୧ଜଣ (୧ଜଣ ମହିଳା) ଅଛନ୍ତି । ସମସ୍ତେ ଅନ୍ୟ ଆକ୍ରାନ୍ତଂକ ସଂସ୍ପର୍ଶରେ ଆସି ପଜିଟିଭ ହୋଇଥିବାର ଜଣାପଡିଛି । ଆଜି ତାଳଚେର ପୌରାଞ୍ଚଳ,କିଶୋରନଗର ବ୍ଲକ୍ ଓ ଆଠମଲ୍ଲିକ ବିଜ୍ଞାପିତ ଅଂଚଳ ପରିଷଦ ପ୍ରଭୃତି ୩ଟି ଅଂଚଳରୁ କୌଣସି ପଜିଟିଭ ଚିହ୍ନଟ ହୋଇନାହାନ୍ତି । ଚିହ୍ନଟ ହୋଇଥିବା ସମସ୍ତ ଲକ୍ଷଣଯୁକ୍ତ ଆକ୍ରାନ୍ତମାନଂକୁ କୋଭିଡ ହସପିଟାଲକୁ ଚିକିତ୍ସା ନିମନ୍ତେ ସ୍ଥାନାନ୍ତର କରାଯାଉଥିବା ବେଳେ ସ୍ୱଳ୍ପ ଲକ୍ଷଣଯୁକ୍ତ ଓ ଲକ୍ଷଣ ବିହିନ ଆକ୍ରାନ୍ତମାନଂକୁ ନିଜ ଘରେ Isolation ରେ ରଖାଯାଇ ନିରିକ୍ଷଣ କରାଯାଉଛି ବୋଲି ଜିଲ୍ଲାପାଳ ଶ୍ରୀ ସିଦ୍ଧାର୍ଥ ଶଙ୍କର ସ୍ୱାଇଁ ପ୍ରକାଶ କରିଛନ୍ତି । ଆଜି ଅନୁଗୋଳ ଜିଲ୍ଲାରୁ ୭୦ଜଣ ସୁସ୍ଥ ହୋଇଛନ୍ତି । ସେମାନଂକ ମଧ୍ୟରେ ୨ଜଣ କୋଭିଡ ହସପିଟାଲରୁ ଓ ୬୮ ଜଣ ହୋମ Isolation ରୁ ସୁସ୍ଥ ହୋଇଛନ୍ତି ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ କାର୍ଯ୍ୟାଳୟ,ଅନୁଗୋଳ ।

ଜ୍ଞାପକ ସଂଖ୍ୟା. ୬୭୫ ତା.୨୮.୧୧.୨୦୨୦ ।

ଏହାର ଏକକିତା ନକଲ ସମସ୍ତ ଜିଲ୍ଲା ସ୍ତରୀୟ ସାମ୍ବାଦିକଙ୍କ ସଦୟ ଅବଗତି ଓ ଏହାର ପ୍ରକାଶନ ନିମନ୍ତେ ପ୍ରେରଣ କରା। ।

ଜିଲ୍ଲା ସୂଚନା ଓ ଲୋକ ସମ୍ପର୍କ ଅଧିକାରୀ, ଅନୁଗୋଳ